ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

# ରାଜ୍ୟ ପୌର କର୍ମଚାରୀ ମହାସଂଘ ବୈଠକ

ଭୁବନେଶ୍ୱର, ୦୩ ଫେବୃଆରୀ ୨୦୨୦

ଆଜି ପୂର୍ବାହ୍ଣରେ ପଞ୍ଚାୟତିରାଜ ଓ ପାନୀୟ ଜଳ, ଗୃହ ନିର୍ମାଣ ଓ ନଗର ଉନ୍ନୟନ, ଆଇନ ମନ୍ତ୍ରୀ ଶ୍ରୀ ପ୍ରତାପ ଜେନାଙ୍କ ଅଧକ୍ଷତାରେ ଲୋକସେବା ଭବନଠାରେ ଓଡ଼ିଶା ପୌର କର୍ମଚାରୀ ମହାସଂଘର ଅସ୍ଥାୟୀ କର୍ମଚାରୀମାନଙ୍କୁ ସ୍ଥାୟୀ କରାଯିବା ସଂପର୍କିତ ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି । ଓଡ଼ିଶା ପୌରକର୍ମଚାରୀ ମହାସଂଘର ସଭାପତି ଶ୍ରୀ ପ୍ରଭାତ ତ୍ରିପାଠୀ ଏହି ଅବସରରେ ରାଜ୍ୟର ୩ ହଜାରରୁ ଊର୍ଦ୍ଧ୍ୱ ପୌର କର୍ମଚାରୀମାନଙ୍କୁ ସ୍ଥାୟୀ କରାଯିବା ସଂପର୍କରେ ମନ୍ତ୍ରୀ ଶ୍ରୀ ଜେନାଙ୍କ ଦୃଷ୍ଟି ଆକର୍ଷଣ କରାଇଥିଲେ । ମନ୍ତ୍ରୀ ଶ୍ରୀ ଜେନା ରାଜ୍ୟର ଅସ୍ଥାୟୀ ପୌର କର୍ମଚାରୀମାନଙ୍କୁ ସ୍ଥାୟୀ କରାଯିବା ସଂପର୍କରେ ଲିଖିତ ଆବେଦନ ପତ୍ର ପ୍ରଦାନ କରିବାକୁ ପରାମର୍ଶ ଦେଇଥିଲେ ।

ଅନ୍ୟମାନଙ୍କ ମଧ୍ୟରେ ଏହି ବୈଠକରେ ରାଜ୍ୟ ପୌର ନିର୍ଦ୍ଦେଶକ ଶ୍ରୀ ସଂଗ୍ରାମଜିତ୍ ନାୟକ, ପୂର୍ବତନ ବିଧାୟକ ଶ୍ରୀ ଦେବାଶିଷ ସାମନ୍ତରାୟ, ପୂର୍ବତନ ବିଧାୟକ ଶ୍ରୀ ପ୍ରଭାତ ବିଶ୍ୱାଳ, ପୂର୍ବତନ ବିଧାୟକ ତଥା କଟକ ପୌର କର୍ମଚାରୀ ସଂଘର ସଭାପତି ଶ୍ରୀ ରାଜୁ ସିଂ, ପୌର କର୍ମଚାରୀ ମହାସଂଘର କାର୍ଯ୍ୟକାରୀ ସଭାପତି ଶ୍ରୀ ଆଶିଷ କୁମାର ସାହୁଙ୍କ ସମେତ ପୌର କର୍ମଚାରୀ ମହାସଂଘର କର୍ମକର୍ତ୍ତା ପ୍ରମୁଖ ଉପସ୍ଥିତ ଥିଲେ ।

ସଚ୍ଚିଦାନନ୍ଦ ବେହେରା
ସୂଚନା ଅଧିକାରୀ